# भाकृअनुप – राष्ट्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

(An ISO 9001: 2015 Certified Institute)

## କୃଷି ସୂଚନା ସେବା (ଧାନ)

### ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ (ରାଜ୍ୟ ତଥା କେନ୍ଦ୍ର ସରକାର) ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ

**୨୦୨୧ ମସିହା ଅକ୍ଟୋବର ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା :**

ଏଭଳି କୋହଲା ମେଘୁଆ ପାଗ, ମଝିରେ ମଝିରେ ବର୍ଷା ଏବଂ ତାପମାତ୍ରା କମ୍ ହେବା ଯୋଗୁଁ ଧାନ ଫସଲରେ ବହୁତ ପ୍ରକାରର ରୋଗ ଓ ପୋକ ଦେଖାଯାଏ । ତେଣୁ ଚାଷୀ ଭାଇମାନେ ସଜାଗ ରହିବା ଦରକାର ।

- ମାଟିଆଗୁଣ୍ଡିପୋକ(ଚକଡାପୋକ) ବୁଦାପ୍ରତି ୫-୧୦ଟି ପୋକ ଦେଖାଦେଲେ ଜମିର ସୂକ୍ଷ୍ମ ପରିବେଶକୁ ପରିବର୍ତ୍ତନ କରନ୍ତୁ ଯେପରିକି କ୍ରମାଗତ ଭାବେ ମାଟି ଓଦା ଓ ଶୁଖିଲା ରହିବ । ଜମିରେ ଅଧିକ ସମୟ ପର୍ଯ୍ୟନ୍ତ ଠିଆ ପାଣି ନ ରହିବା ଦରକାର । ଏହାପରେ ଯଦି ପୋକ ଦେଖାଯାଏ ତେବେ ଏକର ପିଛା ଟ୍ରାଇଫ୍ଲୁମେଜୋପାଇରିମ୍ ୧୦% ଏସ୍.ସି. ୯୪ ମି.ଲି. କିମ୍ବା ପାଇମେଟ୍ରୋଜିନ୍ ୫୦% ଡବ୍ଲ୍ୟୁ.ଜି ୧୨୦ ଗ୍ରାମ୍ କିମ୍ବା ଡିନୋଟେଫ୍ୟୁରନ୍ ୨୦% ଏସ୍. ଜି. ୮୦ ଗ୍ରାମ୍ କିମ୍ବା ଇମିଡାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୫୦ ମି.ଲି. କିମ୍ବା ୬୦ ଗ୍ରାମ୍ ଫ୍ଲୋନିସାମିଡ୍ ୫୦% ଡବ୍ଲ୍ୟୁ.ଜି. ପ୍ରୟୋଗ କରନ୍ତୁ । ଚକଡା ପୋକ ଦମନ ପାଇଁ ସଦା ସର୍ବଦା ଉପଯୁକ୍ତ କୀଟନାଶକ ସଠିକ୍ ମାତ୍ରାରେ ବ୍ୟବହାର କରନ୍ତୁ ।
- ଯଦି ଗନ୍ଧିପୋକ ଦେଖାଯାଏ, ଏକର ପ୍ରତି ୨୦୦ ମି.ଲି. ଇଥୋଫେନୋପ୍ରକ୍ସ ୧୦ ଇ.ସି. ୨୦୦ ଲିଟର ପାଣିରେ ମିଶାଇ ପତ୍ର ସିଂଚନ କରନ୍ତୁ କିମ୍ବା ଏକର ପ୍ରତି ୧୦ କି.ଗ୍ରା. ମାଲାଥିଅନ୍ ୫ ଡି. ଗୁଣ୍ଡକୁ ସକାଳେ ଏବଂ ପବନ ନହେଉଥିବା ସମୟରେ ସମାନଭାବେ ସିଂଚନ କରନ୍ତୁ ।
- ଯଦି କେଣ୍ଡାକଟା ସଂବାଳୁଆ ପୋକ ଦେଖାଯାଏ, ଏକର ପ୍ରତି ୪୦୦ ମି.ଲି. କୁଇନାଲଫସ୍ ୨୫ ଇ.ସି. କିମ୍ବା ୫୦୦ ମି.ଲି. କ୍ଲୋରୋପାଇରିଫସ୍ ୨୦ ଇ.ସି. ଧାନ ବୁଦା ମୂଳରେ ସକାଳ ସମୟରେ ସିଂଚନ କରନ୍ତୁ ।
- ପତ୍ରାଚ୍ଛଦ ପୋଡାରୋଗ ଦମନ କରିବା ପାଇଁ ଏକର ପ୍ରତି ପ୍ରୋପିକୋନାଜୋଲ୍ ୭୫% ୨୦୦ ମି.ଲି. କିମ୍ବା ହେକ୍ସାକୋନାଜଲ ୫୦% ୪୦୦ ମି.ଲି. କିମ୍ବା ଭାଲିଡାମାଇସିନ୍ ୩ଏଲ୍ ୪୦୦ ମି.ଲି. କିମ୍ବା ଟେବୁକୋନାଜୋଲ୍ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି ୮୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ୭-୧୦ ଦିନ ଅନ୍ତରରେ ଦୁଇଥର ସିଂଚନ କରନ୍ତୁ । ଏକ ଏକର ପ୍ରତି ୨୦୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଧାନ ଗଛରେ ପତ୍ରପୋଡା/ପତ୍ରାଗାର ରୋଗ ଦେଖାଦେଲେ ଏକର ପ୍ରତି ଷ୍ଟ୍ରେପ୍ଟୋମାଇସିନ୍ ସଲଫେଟ୍ (୯%) + ଟେଟ୍ରାସାଇକ୍ଲିନ୍ ହାଇଡ୍ରୋକ୍ଲୋରାଇଡ୍ (୧%) ୨୦୦ ଗ୍ରାମ୍ ସହିତ କପର୍ ଅକ୍ସିକ୍ଲୋରାଇଡ୍ ୨୦୦ ଗ୍ରାମ୍ ମିଶାଇ ସିଂଚନ କରନ୍ତୁ । ଏକ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ମହିଷାରୋଗ ଦେଖା ଦେଲେ ଏକର ପ୍ରତି ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% (ନାଟିଭୋ ୭୫ ଡବ୍ଲ୍ୟୁ.ଜି.) ୮୦ ଗ୍ରାମ୍ କିମ୍ବା କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି ୪୦୦ ଗ୍ରାମ ହିସାବରେ ସିଂଚନ କରନ୍ତୁ । ନତୁବା ଏକ ଲିଟର ପାଣିରେ ସତେଜ ବେଲପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ତୁଳସୀପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ନିମ୍ବପତ୍ର ବଟା (୨୦୦ ଗ୍ରାମ୍ ପତ୍ର) ମିଶାଇ ଓ ଭଲଭାବେ ଛାଣି ସିଂଚନ କରନ୍ତୁ । ନତୁବା ଜୈବିକ ଉପଚାର ଭାବେ ଏକର ପ୍ରତି ଟ୍ରାଇକୋଡର୍ମା ଭିରିଡି (ଅନ୍ୟୁନ ୧୦$^{୬}$ ସି.ଏଫ୍.ୟୁ) ୨ କି.ଗ୍ରା. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ସାହାରା ରୋଗ ଦେଖାଦେଲେ ଏକର ପ୍ରତି ୪୦୦ ଗ୍ରାମ୍ କପର ହାଇଡ୍ରୋକ୍ସାଇଡ୍ ୭୭% (କୋକ୍ସାଇଡ ୧୦୧) କିମ୍ବା ୪୦୦ ଗ୍ରାମ୍ ଟେବୁକୋନାଜୋଲ ୨୫% (ଫୋଲିକର) ୭ ଦିନ ଅନ୍ତରରେ ଦୁଇଥର ସିଂଚନ କରନ୍ତୁ ।

- ଶତକଡା ୮୦ ରୁ ୮୫ ଭାଗ ଧାନ ପାଚିଗଲା ପରେ କାଟ ଶୀଘ୍ର ଅମଳ କରିଦିଅନ୍ତୁ । ଅମଳ ପରେ ଧାନକୁ ଭଲଭାବେ ଖରାରେ ଶୁଖାଇ ସାଇତି ରଖନ୍ତୁ । ବିହନ ପାଇଁ ୧୨ ଶତକଡ଼ା ପର୍ଯ୍ୟନ୍ତ ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ୧୪ ଶତକଡ଼ା ପର୍ଯ୍ୟନ୍ତ ଆର୍ଦ୍ରତା ରହିବା ଆବଶ୍ୟକ ।

- ବଜାରରେ ସୁଲଭ ମୂଲ୍ୟ ପାଇଁ ପ୍ରତ୍ୟେକ କିସମ ଅଲଗା ଭାବରେ ସଫାକରି ଧାନ ଶସ୍ୟକୁ ସୁପରଗ୍ରେନ୍ ବସ୍ତାରେ ରଖନ୍ତୁ । ଅମଳ କରିଥିବା ଧାନକୁ ସଫା ଅଖାରେ ଭଲଭାବେ ପଲିଥିନ ଘୋଡେଇ ରଖନ୍ତୁ ଯେପରିକି ବର୍ଷାଦ୍ୱାରା କିଛିକ୍ଷତି ନହୁଏ ।

- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବାକୁ ଚାହୁଁଥିଲେ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

- କମ୍ ଆର୍ଦ୍ରତା ବା ଶୁଖା ପ୍ରଭାବିତ ଅଂଚଳରେ ଯେଉଁଠି ଧାନ ଫସଲ ହୋଇପାରି ନାହିଁ, ଉଚ୍ଚ ଓ ମଧ୍ୟମ ଜମିରେ ମାଟିର ବତର ଦେଖି ଚାଷୀଭାଇମାନେ କୋଶଳା ଶାଗ, ମାଂଡିଆ, କୋଳଥ, ମୁଗ, ବିରି, ଝୁଡଙ୍ଗ, କନ୍ଦମୂଳ ଏବଂ ରାଶି ଇତ୍ୟାଦି ଅଳ୍ପଦିନିଆ ପୂର୍ବ ରବି ଫସଲ ହିସାବରେ କରିପାରିବେ ।

*****